ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/COVID-19(OD)/ 919/23-12-2020**

# ପ୍ରେସ୍ ବିବୃତି

**ଭୁବନେଶ୍ୱର :୨୩ ଡିସେମ୍ବର,୨୦୨୦**

- ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ ପୂର୍ବତନ ପ୍ରଧାନମନ୍ତ୍ରୀ ଚୌଧୁରୀ ଚରଣ ସିଂହଙ୍କୁ ତାଙ୍କ ଜନ୍ମ ବାର୍ଷିକୀ ଅବସରରେ ଶ୍ରଦ୍ଧାଞ୍ଜଳି ଅର୍ପଣ କରିଛନ୍ତି । ଏହି ଦିନଟି ଜାତୀୟ କୃଷକ ଦିବସ ରୂପେ ପାଳିତ ହେଉଛି । କୃଷକମାନେ ସମଗ୍ର ବିଶ୍ୱକୁ ଖାଦ୍ୟ ଯୋଗାଉଥିବାବେଳେ ସେମାନେ ଦେଶର ମେରୁଦଣ୍ଡ ବୋଲି ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ଓଡ଼ିଶା ରଙ୍ଗମଞ୍ଚର ଅଗ୍ରଗଣ୍ୟ ବ୍ୟକ୍ତିତ୍ୱ ତଥା ଆଧୁନିକ ଓଡ଼ିଆ ନାଟ୍ୟଶାସ୍ତ୍ରର 'ଭରତମୁନି' କବିଚନ୍ଦ୍ର କାଳୀଚରଣ ପଟ୍ଟନାୟକଙ୍କ ଜୟନ୍ତୀରେ ତାଙ୍କ ପ୍ରତି ଶ୍ରଦ୍ଧାଞ୍ଜଳି ଅର୍ପଣ କରିଛନ୍ତି । ଓଡ଼ିଆ ନାଟକ ଓ ସାହିତ୍ୟ ଜଗତ ପ୍ରତି ତାଙ୍କ ଅବଦାନ ଅତୁଳନୀୟ ବୋଲି କହିବା ସହ 'ଭାତ', 'ଅଭିଯାନ', 'ରକ୍ତମାଟି', 'ହରଣଚାଲ' ପରି ତାଙ୍କର ବିଭିନ୍ନ ଶ୍ରେଷ୍ଠକୃତି ପାଇଁ ସେ ସର୍ବଦା ସ୍ମରଣୀୟ ରହିବେ ବୋଲି ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ମହିଳା ସ୍ୱୟଂ ସହାୟକ ଗୋଷ୍ଠୀ ଏବଂ ଏମ୍ଏସ୍ଏମ୍ଇକୁ ଋଣ ପ୍ରଦାନ ସଂପର୍କରେ ଜିଲ୍ଲାପାଳ ଓ ବ୍ୟାଙ୍କରମାନଙ୍କ ସହିତ ସମୀକ୍ଷା କରି କହିଛନ୍ତି ଯେ କୃଷକ, ମିଶନ ଶକ୍ତି ଗୋଷ୍ଠୀ ଏବଂ ଏମ୍ଏସ୍ଏମ୍ଇଗୁଡ଼ିକ ଆମର ଉଦ୍ୟୋଗୀ । କୋଭିଡ୍-୧୯ ପ୍ରଭାବିତ ଅର୍ଥବ୍ୟବସ୍ଥାର ପୁନର୍ଗଠନ ପାଇଁ ଋଣ ବ୍ୟବସ୍ଥା ଜରୁରୀ ଏବଂ ଏହା ଉଦ୍ୟୋଗୀମାନଙ୍କୁ ଆତ୍ମନିର୍ଭର ହେବାରେ ସହାୟକ ହେବ ବୋଲି ସେ କହିଛନ୍ତି ।

    - ମାନ୍ୟବର ମୁଖ୍ୟମନ୍ତ୍ରୀ କୃଷକମାନଙ୍କୁ ଋଣ ପ୍ରଦାନ କ୍ଷେତ୍ରରେ ଉନ୍ନତ ପ୍ରଦର୍ଶନ କରିଥିବା ଜିଲ୍ଲା ଓ ବ୍ୟାଙ୍କଗୁଡ଼ିକୁ ପ୍ରଶଂସା କରି ଏ କ୍ଷେତ୍ରରେ ଖରାପ ପ୍ରଦର୍ଶନ କରିଥିବା ଜିଲ୍ଲାମାନେ ଋଣ ପ୍ରଦାନ ବ୍ୟବସ୍ଥାକୁ ବ୍ୟାପକ କରିବାକୁ ପରାମର୍ଶ ଦେଇଛନ୍ତି । ସମସ୍ତ ଜିଲ୍ଲା ଓ ବ୍ୟାଙ୍କ ଚଳିତ ଆର୍ଥିକ ବର୍ଷର ଶେଷ ତ୍ରୈମାସ ସମାପ୍ତ ପୂର୍ବରୁ ଋଣ ପ୍ରଦାନର ଲକ୍ଷ୍ୟ ପୂରଣ କରିବେ ବୋଲି ସେ ଆଶା ପ୍ରକାଶ କରିଛନ୍ତି ।

    - ମାନ୍ୟବର ମୁଖ୍ୟମନ୍ତ୍ରୀ ମିଶନ ଶକ୍ତି ଗୋଷ୍ଠୀଗୁଡ଼ିକୁ ଋଣ ପ୍ରଦାନ ସରକାରଙ୍କ ପ୍ରାଥମିକତା ବୋଲି ଉଲ୍ଲେଖ କରି କହିଛନ୍ତି ଯେ ସମ୍ବଲପୁର, କନ୍ଧମାଳ, ନୂଆପଡ଼ା ଓ ବାଲେଶ୍ୱର ଏ ଦିଗରେ ଉନ୍ନତ ପ୍ରଦର୍ଶନ କରିଛନ୍ତି । କେନ୍ଦ୍ର ଅର୍ଥ ମନ୍ତ୍ରୀଙ୍କୁ ବ୍ୟାଙ୍କମାନଙ୍କର ଭଲ ପ୍ରଦର୍ଶନ ବିଷୟରେ ଅବଗତ କରାଯିବ ଏବଂ ଚଳିତ ଆର୍ଥିକ ବର୍ଷ ଶେଷରେ ସେମାନଙ୍କୁ ପୁରସ୍କୃତ କରାଯିବ ବୋଲି ମାନ୍ୟବର ମୁଖ୍ୟମନ୍ତ୍ରୀ ଘୋଷଣା କରିଛନ୍ତି ।

**'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'**

- ମାନ୍ୟବର ମୁଖ୍ୟମନ୍ତ୍ରୀ ମହାରାଜା ଶ୍ରୀରାମଚନ୍ଦ୍ର ଭଞ୍ଜଦେଓଙ୍କ ୧୫୦ତମ ଜୟନ୍ତୀ ଅବସରରେ ଓଡ଼ିଶାର ବିକାଶରେ ତାଙ୍କ ବହୁମୂଲ୍ୟ ଅବଦାନକୁ ସମ୍ମାନ ଜଣାଇ ଉତ୍ତର ଓଡ଼ିଶା ବିଶ୍ୱବିଦ୍ୟାଳୟକୁ ତାଙ୍କ ନାମରେ ନାମିତ ପ୍ରସ୍ତାବକୁ ଅନୁମୋଦନ ଦେଇଛନ୍ତି । ଏଥି ସହ ଶ୍ରୀରାମଚନ୍ଦ୍ର ପାଠାଗାର ଉନ୍ନତିକରଣ ପାଇଁ ସେ ନିର୍ଦ୍ଦେଶ ଦେଇଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ 'ମିଶନ ଜିରୋ-ଏଫ୍' ଉପକ୍ରମ ପାଇଁ କଟକ ଜିଲ୍ଲାପାଳ ଜାତୀୟ ସ୍କଚ୍ ଗ୍ରୁପ୍ ସ୍ୱର୍ଣ୍ଣ ପୁରସ୍କାର-୨୦୨୦ ଲାଭ କରିଥିବାରୁ ତାଙ୍କୁ ଅଭିନନ୍ଦନ ଜଣାଇଛନ୍ତି । ସରକାରୀ ବିଦ୍ୟାଳୟଗୁଡ଼ିକର ଛାତ୍ରଛାତ୍ରୀଙ୍କ ମାଟ୍ରିକ୍ ପରୀକ୍ଷାରେ ଉତ୍ତମ ପ୍ରଦର୍ଶନ ପାଇଁ ଅଭିନବ ପ୍ରଶିକ୍ଷଣ, ତତ୍ତ୍ୱାବଧାନ ଏବଂ ପରାମର୍ଶ ସେବା ଯୋଗାଇଦେବା ଏହି କାର୍ଯ୍ୟକ୍ରମର ଲକ୍ଷ୍ୟ ବୋଲି ସେ କହିଛନ୍ତି ।

- ରାଜ୍ୟରେ କୋଭିଡ୍-୧୯ ନିୟମ ଏବଂ ମାର୍ଗଦର୍ଶିକା ଉଲ୍ଲଂଘନ କରିଥିବା ଅଭିଯୋଗରେ ଡିସେମ୍ବର ୨୨ ରୁ ୨୩ ତାରିଖ ସକାଳ ପର୍ଯ୍ୟନ୍ତ ୨୪ ଘଣ୍ଟା ମଧ୍ୟରେ ଓଡ଼ିଶା ପୋଲିସ ପକ୍ଷରୁ ୨ ଜଣଙ୍କ ବିରୁଦ୍ଧରେ ମାମଲା ଦାଏର କରାଯାଇଥିବାବେଳେ ୧୯ ଜଣ ବ୍ୟକ୍ତିଙ୍କୁ ଗିରଫ, ୫୭୬ ଟି ଗାଡ଼ି ଜବତ ଏବଂ ୧୯,୩୬,୫୦୦ ଟଙ୍କା ଜରିମାନା ଆଦାୟ କରାଯାଇଛି ।

**ସର୍ବଶେଷ ସ୍ୱାସ୍ଥ୍ୟ ସୂଚନା**

- ଗତକାଲି ମଧ୍ୟରାତ୍ରି ସୁଦ୍ଧା ଓଡ଼ିଶାରେ ୬୭,୦୦,୫୨୪ ଟି ନମୁନା କୋଭିଡ୍-୧୯ ପରୀକ୍ଷା କରାଯାଇଛି ।
- ବର୍ତ୍ତମାନ ସୁଦ୍ଧା ସମୁଦାୟ ୩,୨୭,୨୭୯ ଜଣ ପଜିଟିଭ୍ ଚିହ୍ନଟ ହୋଇଛନ୍ତି ।
- ୩,୨୨,୩୪୪ ଜଣ ରୋଗୀ ସଂପୂର୍ଣ୍ଣ ସୁସ୍ଥ ହୋଇଛନ୍ତି/ଡାକ୍ତରଖାନାରୁ ଫେରିଛନ୍ତି ।
- ୧୮୪୬ ଜଣ କୋଭିଡ୍-୧୯ ରୋଗୀଙ୍କର ମୃତ୍ୟୁ ହୋଇଛି ।
- ସକ୍ରିୟ ଥିବା ସଂକ୍ରମିତଙ୍କ ସଂଖ୍ୟା ୩,୦୩୬ ରହିଛି ।
- ୩,୦୩୬ ଜଣ ହସ୍‌ପିଟାଲ୍ ଆଇସୋଲେସନ୍‌ରେ ରହିଛନ୍ତି ।

ପଠାଣି ରାଉତ
ସୂଚନା ଅଧିକାରୀ

**'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'**